ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୩୩୫ ଜଣ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୩୭୩୪୭ରେ ପହଞ୍ଚିଲା - ସୁସ୍ଥ ହେଲେ ୪୮୫ଜଣ ।

ଅନୁଗୋଳ, ତା.୦୯.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୩୩୫ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣଁରପାଳ ବ୍ଲକ୍ ଅଂଚଳରୁ ୫୦ଜଣ ( ୨୯ଜଣ ପୁରୁଷ ଓ ୨୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୪୬ଜଣ ( ୨୭ଜଣ ପୁରୁଷ ଓ ୧୯ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୪୦ଜଣ ( ୨୩ଜଣ ପୁରୁଷ ଓ୧୭ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୩୮ଜଣ ( ୨୩ଜଣ ପୁରୁଷ ଓ ୧୫ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୩୬ଜଣ (୨୬ ଜଣ ପୁରୁଷ ଓ ୧୦ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩୪ଜଣ ( ୨୩ଜଣ ପୁରୁଷ ଓ ୧୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩୧ଜଣ (୨୩ ଜଣ ପୁରୁଷ ଓ ୮ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨୬ଜଣ ( ୧୯ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୩ଜଣ ( ୯ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୧ଜଣ ( ୯ଜଣ ପୁରୁଷ ଓ ୨ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୦ଜଣ ( ୭ଜଣ ପୁରୁଷ ଓ ୩ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୧୮ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୪୮୫ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୪୦ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୧ ଲକ୍ଷ ୯୦ ହଜାର ୮୬୭ ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୫୨ ତା.୦୯.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ